## ଗ୍ରାମୀଣ କୃଷି ମୌଷମ ସେବା, କ୍ଷେତ୍ରୀୟ କୃଷି ଉପଦେଶ ଏକକ, କିରେଇ
## ଆଞ୍ଚଳିକ ଗବେଷଣା ଓ ବୈଷୟିକ ସଂପ୍ରସାରଣ ଉପକେନ୍ଦ୍ର, ସୁନ୍ଦରଗଡ
## ଓଡିଶା କୃଷି ଓ ବୈଷୟିକ ବିଶ୍ଵ ବିଦ୍ୟାଳୟ, ସୁନ୍ଦରଗଡ

***ସାପ୍ତାହିକ କ୍ରମିକ ସଙ୍ଖ୍ୟା :୦୩,ବୁଲେଟିନ ନମ୍ବର- ୦୬ , ତାରିଖ : ୧୯।0୧।୨୦୨୪,ଶୁକ୍ର ବାର***

**ଆସନ୍ତା ପାଞ୍ଚ ଦିନର ପାଣିପାଗ ସୂଚନା :**

ଆଗାମୀ ୨0.0୧.୨୦୨୪ –୨୪.୦୧.୨୦୨୪,ଶନି ବାର – ବୁଧ ବାର ପର୍ଯ୍ୟନ୍ତ ସପ୍ତାହର ପାଣିପାଗ ଆଗାମୀ ପାଞ୍ଚ ଦିନରେ ଅତି ହାଲୁକା ଧରଣର ବର୍ଷା ହେବାର ସମ୍ଭାବନା ରହିଅଛି ।ସର୍ବାଧିକ ତାପମାତ୍ରା (୨୩ –୨୫ ◦C)ମଧ୍ୟରେ ରହିବାର ସମ୍ଭାବନା ରହିଛି ଓ ସର୍ବନିମ୍ନ ତାପମାତ୍ରା (୧୬ -୧୮ ◦C ) ମଧ୍ୟରେ ରହିବାର ସମ୍ଭାବନା ରହିଛି । ଆଗମି ସପ୍ତାହ ରେ ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (୮୩ –୯୬ %) ମଧ୍ୟରେ ଓ ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (୩୭– ୪୯%) ମଧ୍ୟରେ ରହିବାର ଭାରତ ପାଣିପାଗ ବିଭାଗ ,ଭୁବନେଶୋର ର ତଥ୍ୟ ଅନୁଯାୟୀ ପୂର୍ବାନୁମାନ କରାଯାଉଅଛି ।

| ଜିଲ୍ଲା | ତାରିଖ | ବର୍ଷା (ମି.ମି) | ସର୍ବାଧିକ ତାପମାତ୍ରା (ଡି.ସେ) | ସର୍ବନିମ୍ନ ତାପମାତ୍ରା (ଡି.ସେ) | ମେଘାଛନ୍ନ | ସର୍ବାଧିକ ଆପେକ୍ଷିକ ଆର୍ଦ୍ରତା (ପ୍ରତିଶତ) | ସର୍ବନିମ୍ନ ଆପେକ୍ଷିକ ଆର୍ଦ୍ରତା (ପ୍ରତିଶତ) | ବାୟୁ ର ବେଗ (କି.ମି. ପ୍ର.ଘ) | ବାୟୁ ର ଦିଗ (ଡି.ଗ୍ରୀ) |
|---|---|---|---|---|---|---|---|---|---|
| ଦେଓଗଡ | ୨0 -0୧-୨0୨୪ | ୪ | ୨୪ | ୧୬ | ୭ | ୮୮ | ୩୮ | ୫ | ୭୧ |
| | ୨୧-0୧-୨0୨୪ | ୧ | ୨୫ | ୧୭ | ୪ | ୯୬ | ୪୪ | ୭ | ୧୨୪ |
| | ୨୨-0୧-୨0୨୪ | ୩ | ୨୫ | ୧୭ | ୫ | ୮୯ | ୪୦ | ୬ | ୬୮ |
| | ୨୩-0୧-୨0୨୪ | ୪ | ୨୪ | ୧୮ | ୬ | ୯୫ | ୩୭ | ୫ | ୧୦୫ |
| | ୨୪-0୧-୨0୨୪ | ୭ | ୨୩ | ୧୮ | ୭ | ୮୩ | ୪୯ | ୬ | ୧୫୩ |

### କୃଷି ପାଣିପାଗ ଉପଦେଶ

**ସାଧାରଣ ପରାମର୍ଶ : ଡାଲୁଅ ଧାନ :** ପ୍ରତି ୩ ବର୍ଷରେ ବିହନ ବଦଳାନ୍ତୁ ।

ବିହନ ଗଜା ପରୀକ୍ଷା କରି ବୁନନ୍ତୁ ।

**ରବି ଡାଲି ଜାତୀୟ ଫସଲ :**

ମୁଗ ବିରି ବୁଟ ଓ ମଟର ଫସଲରେ ଶତକଡା ୯୦ ଭାଗ ପାକଳ ହେଲେ ଅମଳ କରନ୍ତୁ ।

ଅମଳ ପରେ ମଞ୍ଜିକୁ ଭଲଭାବରେ ଟାଣ ଖରାରେ ୨-୩ ଦିନ ଶୁଖାଇ ସାଇତି ରଖନ୍ତୁ ।

ମୁଗ ବିରିରେ କୁଇଣ୍ଟାଲ ପ୍ରତି ୨୦୦ ଗ୍ରାମ ସୋରିଷ ତେଲ କିମ୍ବା ରାଶି ତେଲ ଗୋଳାଇ ରଖିଲେ ପୋକ ଲାଗିବାର ଆଶଙ୍କା କମିଯାଇଥାଏ ।

**ପନିପରିବା ଫସଲରେ ଜଉପୋକ ଓ ଫଳବିନ୍ଧା ପୋକ ଦମନ ପାଇଁ ୧ ଲିଟର ପାଣିରେ ଯଥାକ୍ରମେ ୦.୨ ଗ୍ରାମ କ୍ଲୋଥାୟାନିଡିନ ଓ ୦.୩ ମିଲି ଫ୍ଲୁଭେଣ୍ଡିଆମାଇଡ ମିଶାଇ ସିଞ୍ଚନ କରନ୍ତୁ ।**

**ମକା :**

ମକା ଫସଲ ୨-୩ ସପ୍ତାହର ହୋଇଗଲେ କୋଡାଖୁସା କରି ଘାସ ବାଛନ୍ତୁ ।

ଘାସ ବଛା ପରେ ଏକର ପ୍ରତି ୮ କିଗ୍ରା ଯବକ୍ଷାରଜାନ ସାର ଗଛଠାରୁ ୫ସେମି ଛାଡି ଧାଡିରେ ପ୍ରୟୋଗ କରନ୍ତୁ ଓ ହୁଡା ଟେକନ୍ତୁ ।

ମାଟିର ବତର କୁ ଚାହିଁ ଜଳସେଚନ କରନ୍ତୁ ।

କୌଣସି ଅବସ୍ଥାରେ ୬ ଘଣ୍ଟାରୁ ଅଧିକ ସମୟ ଠିଆ ପାଣି ରଖନ୍ତୁ ନାହିଁ ।

**ସୋରିଷ :**

ଜସେଚନର ସୁବିଧା ଥିଲେ ଛୁଇଁ ଅବସ୍ଥାରେ ହାଲୁକା ଜଳସେଚନ କରନ୍ତୁ ।

ଛୁଇଁ ହଳଦିଆ ପଡିଲେ ଅମଳ କରି ଖରାରେ ୨ ରୁ ୩ ଦିନ ଶୁଖାଇ ଅମଳ କରନ୍ତୁ ।

**ଲଙ୍କାମରିଚ :**

ଲଙ୍କାମରିଚ ଫସଲରେ ପତ୍ରମୋଡା ଦେଖାଦେଲେ ଏହାର ଦମନ ପାଇଁ ପ୍ରତି ଲିଟର ପାଣିରେ ୨ ମିଲି ଆବାମେକ୍ଟିନ ୧.୯% କିମ୍ବା ୧.୫ ରୁ ୨ ମିଲି ଇଥିୟନ ମିଶାଇ ପତ୍ର ସିଞ୍ଚନ କରନ୍ତୁ ।

**ଚିନାବାଦାମ :**

ଚିନାବାଦାମ ଫସଲରେ ଫୁଲ ଆସିବାସମୟରେ କୋଡା ଖୁସା କରନ୍ତୁ ନାହିଁ ।

ଚିନାବାଦାମ ଫସଲରେ ପତ୍ରକଣା ଓ ପତ୍ରଖିଆପୋକ ଲାଗିବା ଦେଖାଦେଲେ ପ୍ରତି ଲିଟର ପାଣିରେ ୧ ମି.ଲି.ହିସାବରେ ଲାମ୍ବଡାସାଇହାଲୋଥ୍ରିନ ୫% ଇ.ସି ମିଶାଇ ସିଞ୍ଚନ କରନ୍ତୁ ।

**ଆଳୁ :**

ଆଳୁ ଗଜା ହେବାର ୧୫ ଦିନ ପରେ କୋଡାଖୁସା କରି ମାଟି ଗୁଣ୍ଡ କରି ଦିଅନ୍ତୁ

ଫସଲର ୨୦-୨୫ ଦିନ ବେଳକୁ ଏକର ପ୍ରତି ୧୨ କି.ଗ୍ରା. ଯବକ୍ଷାରଜାନ ପ୍ରଥମ ଶୀର୍ଷସାର ଭାବେ ପ୍ରୟୋଗ କରନ୍ତୁ

ଆଳୁରେ ଜଉପୋକ ନିୟନ୍ତ୍ରଣ କରିବା ପାଇଁ ପ୍ରତି ଲିଟର ପାଣିରେ ୨ ମି.ଲି. ହିସାବରେ ମିଥାଇଲ ଡେମିଟନ କିମ୍ବା ଡାଇମିଥୋଏଟ ମିଶାଇ ସିଞ୍ଚନ କରନ୍ତୁ

ଆଳୁରେ କର୍ତ୍ତକ କୀଟ ଲାଗୁଥିଲେ ଏକର ପ୍ରତି ୧୦ କି.ଗ୍ରା. କ୍ଲୋରୋପାଇରିଫସ ୧.୫% ଗୁଣ୍ଡ ପ୍ରୟୋଗ କରନ୍ତୁ କିମ୍ବା ପ୍ରତି ଲିଟର ପାଣିରେ ୨ ମି.ଲି. ହିସାବରେ କ୍ଲୋରୋପାଇରିଫସ ୨୦% ଇସି ସିଞ୍ଚନ କରନ୍ତୁ

**ସୂର୍ଯ୍ୟାମୁଖୀ :**

ଏବେଠାରୁ ଖରାଦିନିଆ ସୂର୍ଯ୍ୟାମୁଖୀ ପାଇଁ ଜମି ପ୍ରସ୍ତୁତ କରନ୍ତୁ

ଉନ୍ନତ କିସମ ପାଇଁ ସନରାଇଡ ମୋରଡେନ ଓ ଶଙ୍କର ଜାତୀୟ ପାଇଁ ଏମ ଏସ ଏଫ ଏଚ -୧୭ କେ ବି ଏସ ଏଚ -୧ ପି ଏ ସି -୩୬ ପିଏସି -୧୦୯୧ ଆଦି ବିହନ ସଂଗ୍ରହ କରନ୍ତୁ

ରବି ସୂର୍ଯ୍ୟାମୁଖୀ ବୁଣିବାର ୨୧-୩୦ ଦିନ ର ହୋଇଥିଲେ ଜମିକୁ କୋଡାଖୁସା କରି ଘାସ ଓ ଅନାବନା ଗଛ ବାଛି ଦିଅନ୍ତୁ ଏକର ପ୍ରତି ଉନ୍ନତ କିସମ ହୋଇଥିଲେ ୩ କିଗ୍ରା ଓ ଶଙ୍କର ଜାତୀୟ ପାଇଁ ୬ କିଗ୍ରା ହିସାବରେ ଯବକ୍ଷାରଜାନ ପ୍ରଥମ ଶୀର୍ଷ ସାର ରୂପେ ଗ୍ରହଣ କରନ୍ତୁ

ଫସଲରେ ଉଇ ଜନିତ ଝାଉଁଳା ରୋଗ ଦେଖାଦେଲେ ପ୍ରତି ଲିଟର ପାଣିରେ ୨ ମିଲି ହିସାବରେ କ୍ଲୋରୋପାଇରିଫସ  ୨୦ ଇସି ମିଶାଇ ମାଟିକୁ ଭଲଭାବରେ ଭିଜାଇ ଦିଅନ୍ତୁ

**ଗହମ :**

ଗହମ ବୁଣିବାର ୨୧ ଦିନ ପରେ କୋଡ଼ାଖୋସା କରି ଘାସ ବାଛି ଦିଅନ୍ତୁ

ମଞ୍ଜି ଗଜା ହେବାର ୨୧ ଦିନ ପରେ ଏକର ପ୍ରତି ଏକର ପ୍ରତି ୬-୮ କିଗ୍ରା ଯବକ୍ଷାରଜାନ ପ୍ରୟୋଗ କରନ୍ତୁ

ସଅଳ ବୁଣା ହୋଇଥିବା ଗହମ ୩୫ ଦିନର ହୋଇଥିଲେ ଏକର ପ୍ରତି ୬-୮ କିଗ୍ରା ଯବକ୍ଷାରଜାନ ପ୍ରୟୋଗ କରନ୍ତୁ

**ଗୋଲାପ ଚାଷ :**

ଗୋଲାପ ଚାଷରେ ଉକୁଣିଆ ଓ ଜଉ ପୋକ ଦମନ ପାଇଁ ୨ ମିଲି ଡ଼ାଇମିଥଏଟ  ବା ୦.୩ ମିଲି ଇମିଡ଼ାକ୍ଲୋପ୍ରିଡ ୧୭.୮ ଏସଏଲ କୁ ୧ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ

**ଗେଣ୍ଡୁ ଫୁଲ :**

ଗେଁଡୁଫୁଲ ଚାଷ ପାଇଁ ସିରାକୋଲ ବି ଏମ ୨ ଏବୌଁ ବି ଏମ ୩ କିସମର ଗେଣ୍ଡୁଚାରା ଅଧିକ ଉତ୍କୃଷ୍ଟ ଅଟେ

ଚାରା ମାନଙ୍କ ମଧରେ ଡେଙ୍ଗାକିସମ ଗୁଡିକ ଧାଡିକୁ ଧାଡ଼ି ୩୦ ରୁ ୪୦ ସେମି ଓ ଗଛ କୁ ଗଛ ୩୦ ସେମି ବ୍ୟବଧାନରେ ଲଗାନ୍ତୁ

ବାମନ କିସମ ଗୁଡିକୁ ଧାଡିକୁ ଧାଡ଼ି ୨୦-୩୦ ସେମି ଓ ଗଛକୁ ଗଛ ୨୦ ସେମି ବ୍ୟବଧାନରେ ଲଗାନ୍ତୁ

**କୁକୁଡ଼ା ପାଳନ :**ଅଧିକ ଅଣ୍ଡା ଓ ମାଂସ ପାଇଁ ଗାଁ ଗହଳିର ବାଡିବାଗିଚାରେ ବନରାଜା ,ଗ୍ରାମପ୍ରିୟ ଓ ପଲ୍ଲୀରଜା ପ୍ରଜାତିର କୁକୁଡ଼ା ପାଳନ କରନ୍ତୁ ।

**ମାଛ ଚାଷ :** ପୋଖରୀ ଭିତରକୁ ଗେଣ୍ଡା ଚଢେଇ ଓ କପୋତମାନର ପ୍ରବେଶକୁ ରୋକାଯିବା ଉଚିତ ଏହାଦ୍ବାରା ପରଜୀବୀମାନଙ୍କ ଜୀବନଚକ୍ରକୁ ଭଙ୍ଗାଯାଇ ପାରିବ

ମାଛ  ପୋଖରୀରେ ଯାଆଁଳମାନଙ୍କ ର ସ୍ବତନ୍ତ୍ର ଯତ୍ନ ନେବା ଆବଶ୍ୟକ

ପୋଖରୀରୁ ପରଜୀବୀମାନଙ୍କ ର ସଂକ୍ରମଣ ଯୋଗ୍ୟ ଅବସ୍ଥାକୁ ସମ୍ପୂର୍ଣ ମାରି ଦେଲେ ରୋଗ ହେବା ଆଶଙ୍କା କମିଯାଏ

**ପ୍ରାଣୀ :**

ଗାଇମାନଙ୍କର ସାହାଣ,ବଜବଜିଆ ଓ ଫାଟୁଆ ରୋଗ ପାଇଁ ରକ୍ଷା ଏଫଏମଡି ଭାକ୍ସିନ ଗ୍ରହଣ କରନ୍ତୁ

ଗୃହପାଳିତ ପ୍ରାଣୀଙ୍କୁ ଶୀତରୁ ରକ୍ଷା କରିବା ପାଇଁ ଗୁହାଳରେ ଫାଙ୍କା ଥିବା ଜାଗାକୁ ଅଖାରେ ବନ୍ଦ କରନ୍ତୁ

ସୁବିଧାଥିଲେ ଗୋରୁଙ୍କୁ ମଧ୍ୟ ଅଖାରେ ଘୋଡାଇ ରଖନ୍ତୁ

ଗୋରୁ ଗୁହାଳ ର ଭିତର ଓ ବାହାର ସର୍ବଦା ପରିଷ୍କାର ପରିଛନ୍ନ ରଖନ୍ତୁ ।

ଶୀତଦିନେ ଗୋରୁଙ୍କୁ ଉତ୍ତାପ ଶକ୍ତିପ୍ରଦାୟକ  ତନ୍ତୁଜାତୀୟ ଖାଦ୍ୟ ଯଥା ଘାସ ନଡା ପାଳ କୁଣ୍ଡା ଚୋକଡ ଡାଳପତ୍ର ମକାଗଛ ପତ୍ର ଓ କାଣ୍ଡ ଇତ୍ୟାଦି ଖାଇବାକୁ ଦିଅନ୍ତୁ ।

କୃଷି କ୍ଷେତ୍ର ସହ ଜଡିତ ଯେକୌଣସି ସମସ୍ୟା ପାଇଁ ଟୋଲ ଫ୍ରି ନମ୍ବର ୧୫୫୧ କୁ ଡାଏଲ କରନ୍ତୁ।

ଉତ୍ତମ କୃଷି ଲାଭ ପାଇଁ, ଓୟୁଏଟି କଳିଙ୍ଗ ପ୍ରଡକ୍ଟସ୍ (ବିହନ, ସେପଲିଙ୍ଗ୍ ଏବଂ ଜେଡ୍ବିଏମ୍, ଟିସୁ ଚାଷ ଉଦ୍ଭିଦ, ଫଳ ଓ ପନିପରିବା, ମୂଲ୍ୟଯୁକ୍ତ ଉତ୍ପାଦ, ଫିଙ୍ଗରଲିଙ୍ଗ୍/ଇୟରଲିଙ୍ଗ୍, କୁକୁଡ଼ା ଛୁଆ, ପ୍ରଜନନ, ମହୁମାଛି ଓ ଛେଳି, ଜୈବସାର, ଜୈବ କୀଟନାଶକ, ଭେରିମି ଏବଂ ଭେରିକମ୍ପୋଷ୍ଟ ଏବଂ ଫାର୍ମ ଉପକରଣ)

ଆଇଏମଡିର ପାଣିପାଗ ପୂର୍ବାନୁମାନ ଏବଂ ଓଡ଼ିଶା ସ୍ଥିତିର କୃଷି ପାଣିପାଗ ପରାମର୍ଶଦାତା ବର୍ତ୍ତମାନ ମେଘଦୂତରେ ଉପଲବ୍ଧ

ଇଂରାଜୀ ଓ ଓଡ଼ିଆ ଭାଷାରେ ମୋବାଇଲ୍ ଆପ୍‌ଡାଉନଲୋଡ୍ କରିବା: (ଏଣ୍ଡ୍ରିଓଡ୍: ***https://play.google. com/store/apps/details?id_com.aas.meghdoot)***

**ବି : ଦ୍ରଷ୍ଟବ୍ୟ : ଓୟୁଏଟି  ଶାଖା  ଚିପଲିମା ଓ ଗମ୍ଭାରିପାଲି ବିହନ ଗବେଷଣା ଫାର୍ମ ଠାରେ ସ୍ୱର୍ଣ ଧାନ ବିହନ ୨୦ କିଗ୍ରା ବସ୍ତା ପିଛା ଟ. ୭୧୨ . ୪୦ ପଇସା ଚାଷୀ ନିମିତ୍ତ ବିକ୍ରି ହଉଅଛି |**

*ନୋଡାଲ ଅଫିସର, କିରେଇ*